## ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ
## ଆଞ୍ଚଳିକ ଗବେଷଣା ସଂପ୍ରସାରଣ ଉପକେନ୍ଦ୍ର,ସୁନ୍ଦରଗଡ
## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ,ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା : ୧୫,ବୁଲେଟିନ ନମ୍ବର-୩0,ତାରିଖ :୧୩।0୪।୨୦୨୪,ଶନି ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୧୩.0୪.୨୦୨୪–୧୭.0୪.୨୦୨୪,ଶନିବାର - ବୁଧବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ହାଲୁକା ଧରଣର ବର୍ଷା ହେବାର ସମ୍ଭାବନା ରହିଅଛି ।ସର୍ବାଧିକ ତାପମାତ୍ରା (୩୨-୪୧ $^{0}$C) ମଧ୍ୟରେ ରହିବାର ସମ୍ଭାବନା ରହିଛି ଓ ସର୍ବନିମ୍ନ ତାପମାତ୍ରା (୨୩ -୨୫$^{0}$C ) ମଧ୍ୟରେ ରହିବାର ସମ୍ଭାବନା ରହିଛି ।ଆଗାମୀ ସପ୍ତାହର ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (୩୮–୪୯%) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୧୭–୨୨%) ମଧ୍ୟରେ ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆଦ୍ରର୍ତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆଦ୍ରର୍ତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ସୁନ୍ଦରଗଡ | ୧୩-୦୪-୨୦୨୪ | ୪ | ୩୨ | ୨୩ | ୬ | ୪୯ | ୨୧ | ୮ | ୨୦୮ |
| | ୧୪-୦୪-୨୦୨୪ | ୦ | ୩୫ | ୨୩ | ୩ | ୪୫ | ୨୦ | ୮ | ୨୪୮ |
| | ୧୫-୦୪-୨୦୨୪ | ୦ | ୩୮ | ୨୩ | ୨ | ୪୧ | ୨୨ | ୬ | ୨୧୬ |
| | ୧୬-୦୪-୨୦୨୪ | ୦ | ୪୦ | ୨୫ | ୧ | ୩୮ | ୨୦ | ୭ | ୧୭୨ |
| | ୧୭-୦୪-୨୦୨୪ | ୦ | ୪୧ | ୨୫ | ୧ | ୩୯ | ୧୭ | ୬ | ୨୧୦ |

### କୃଷି ପାଣିପାଗ ଉପଦେ0

**ସାଧାରଣ ପରାମର୍ଶ : ବିଶେଷ ସତର୍କତା :** ଆଗାମୀ ପାଞ୍ଚ ଦିନରେ ସୁନ୍ଦରଗଡ ଜିଲ୍ଲାରେ ହାଲୁକା ଧରଣର ବର୍ଷା ହେବାର ସମ୍ଭାବନା ରହିଅଛି ।

**ଚିନାବାଦାମ :**

ସଅଳଲଗାଯାଇଥିବା ଫସଲ ଅମଳ ଅବସ୍ଥାକୁ ଆସିଯାଇଥିଲେ ହାଲୁକା ଜଳସେଚନ ଦେଇ ଅମଳକରନ୍ତୁ

ବର୍ଷାର ସୂଚନା ଥିବାରୁ ପାଗ ଦେଖି ଅମଳ କରନ୍ତୁ

ଖରାଟିଆ ଫସଲ ଫଳ ବଢିବା ଅବସ୍ଥାରେ ରହିଥିଲେ ଜଳସେଚନ ବ୍ୟବସ୍ଥା ଗ୍ରହଣ କରନ୍ତୁ

**ବିରି :**

ସର୍ବୋଚ୍ଚ ଫୁଲ ଆସିବା ଅବସ୍ଥାରେ ଜଳସେଚନ ବ୍ୟବସ୍ଥା କରନ୍ତୁ

ଡେରିରେ ଲଗାଯାଇଥିବା ଫସଲ ବୁଣିବାର ୨ ରୁ ୩ ସପ୍ତାହ ହୋଇଥିଲେ କୋଡାଖୁସା କରି ଘାସ ବାଛି ଦିଅନ୍ତୁ ଓ ଜଳସେଚନ କରନ୍ତୁ

**ମୁଗ :**

ମୁଗ ବୁଣିବାର ୨ ରୁ ୩ ସପ୍ତାହ ହୋଇଥିଲେ କୋଡାଖୁସା କରି ଘାସ ବାଛି ଦିଅନ୍ତୁ ଓ ଜଳ ସେଚନ କରନ୍ତୁ

ଏହି ସମୟରେ ସାହେବୀ ରୋଗ ଆକ୍ରମଣ କରିବାର ଅଧିକ ସମ୍ଭାବନା ରହିଛି ଏହାର ନିୟନ୍ତ୍ରଣ ପାଇଁ ୧୫ ଲିଟର ପାଣିରେ ୩ ଗ୍ରାମ ହିସାବରେ ଥାୟାମେଥୋଜାମ ମିଶାଇ ସିଞ୍ଚନ କରନ୍ତୁ

ମୁଗ ଫସଲରେ ଅଗ ବିନ୍ଧାପୋକ ଲାଗି କଢ ସବୁ ଖାଇଯାଉଥିଲେ ଏହାର ନିରାକରଣ ପାଇଁ ପ୍ରତି ଲିଟର ପାଣିରେ ୨ ମିଲି ହିସାବରେ କ୍ଲୋରୋପାଇରିଫସ ମିଶାଇ ସିଞ୍ଚନ କରନ୍ତୁ

ମୁଗ ଫସଲରେ ସର୍ବୋଚ୍ଚ ଫୁଲ ଆସିବା ଅବସ୍ଥାରେ ଜଳସେଚନର ବ୍ୟବସ୍ଥା କରନ୍ତୁ

**ଅଦା :**

ଅଦା ସାଧାରଣତଃ ଏପ୍ରିଲ ରୁ ମେ ମାସ ମଧ୍ୟରେ ଲଗାଯାଇଥାଏ ଏହା ଅଦା ପାଇଁ ଉପଯୁକ୍ତ ସମୟ ଅଟେ

ବିଶେଷ କରି ଆମ ଓଡ଼ିଶା ରାଜ୍ୟ ପାଇଁ ତିନୋଟି ମୁଖ୍ୟ କିସମ ସୁପ୍ରଭା ସୁରୁଚି ଓ ସୁରଭି ଅନ୍ୟତମ ଅଟେ

ଏକ ଏକର ଜମି ପାଇଁ ୬-୮ କୁଇଣ୍ଟାଲ ଅଦାଖଣ୍ଡ ଦରକାର ହୋଇଥାଏ

ଏହି ଖଣ୍ଡଗୁଡିକ ୨-୩ ଟି ଆଖି ଥାଇ ୧୫ ରୁ ୧୯ ଗ୍ରାମ ଓଜନ ରଖି କାଟିବା ଉଚିତ

ଲଗାଇବା ପୂର୍ବରୁ ପ୍ରତି ୧୦ ଲିଟର ପାଣିରେ ୪୦ ଗ୍ରାମ ମାଙ୍କୋଜେବ ଗୁଣ୍ଡ ୧୦ ଗ୍ରାମ କାର୍ବେଣ୍ଡାଜିମ ଗୁଣ୍ଡ ଓ ୫ ମିଲି ମାଲାଥିଅ ଔଷଧ ଗୋଳେଇ ଏଥିରେ ପ୍ରାୟ ୫୦ କିଗ୍ରା ଅଦାଖଣ୍ଡ ବିଶୋଧନ କରନ୍ତୁ

ଏହାପରେ ଅଦାଖଣ୍ଡ ଗୁଡିକୁ ଛାଇରେ ଶୁଖାନ୍ତୁ

**ଗ୍ରୀଷ୍ମ ଡାଲି :**

ପାଣିପାଗ ସର୍ବେକ୍ଷଣ ହେତୁ YMV ରୋଗର ସଂକ୍ରମଣ ଏବଂ ଏହାକୁ ପରିଚାଳନା କରିବା ପାଇଁ ରିଡୋମିଲ୍ MZ @ 2g / ଲିଟର ପାଣି ପ୍ରୟୋଗ କର |

**ବିଲାତି ବାଇଗଣ :**

ତାପମାତ୍ରା ବଢିବାର ସମ୍ଭାବନା ଥିବାରୁ ବିଲାତି ବାଇଗଣ ଫସଲରେ ରେ ଝାଉଁଳା ରୋଗ ହେବାର ଅଧିକ ସମ୍ଭାବନା ରହିଥାଏ ଏହାର ନିରାକରଣ ପାଇଁ ପ୍ରତି ୧୦ ଲିଟର ପାଣିରେ ୧ ଗ୍ରାମ ଷ୍ଟ୍ରେପଟୋସାଇକ୍ଲିନ ସହିତ ୩୦ ଗ୍ରାମ କପର ଅକ୍ସିକ୍ଲୋରାଇଡ ମିଶାଇ ସିଞ୍ଚନ କରନ୍ତୁ

**ପୋଟଳ :**

ପୋଟଳ ଫୁଲ ଧରିବା ଅବସ୍ଥାକୁ ଆସିବା ବେଳକୁ ଜମିକୁ ଘାସୁଆ ରଖାଯିବା ଉଚିତ । କାରଣ ଘାସ ଜମିର ଆଦ୍ରର୍ତା ବଜାୟ ରଖିବାରେ ସାହାଯ୍ୟ କରେ ।

ଚେରରେ ଲଗାଯାଇଥିବା ପୋଟଳରେ ଫୁଲ ପୂର୍ବରୁ କୋଡାଖୁସା କରି ଅନୁମୋଦିତ ପ୍ରଣାଳୀରେ ସାର ପ୍ରୟୋଗ କରି ଜଳସେଚନ କରନ୍ତୁ ।

**ସୂର୍ଯ୍ୟମୁଖୀ :**

ଭଲ ବିହନ ଭରିବା ପାଇଁ 2-3 ଗ୍ରାମ୍ ବୋରାକ୍ସ / ଲିଟର ପାଣି ପ୍ରୟୋଗ କରନ୍ତୁ | ଶୀଘ୍ର ବୁଣାଯାଇଥିବା ଫସଲ ଯେତେବେଳେ ମୁଣ୍ଡର ତଳ ପାର୍ଶ୍ୱ ହଳଦିଆ ହୋଇଯାଏ, ମୁଣ୍ଡ କାଟିବାକୁ ଯାଇ 4-5 ଦିନ ସୂର୍ଯ୍ୟ ତଳେ ଶୁଖାନ୍ତୁ | ଯଦି ଫଳ ବୋରର ଆକ୍ରମଣ ହୁଏ ତେବେ 200 ଲିଟର ପାଣିରେ ମିଶ୍ରିତ ବାୟୋଏନସେକ୍ଟିସାଇଡ୍ NPV @ 250 LE ସ୍ପ୍ରେ କରିବାକୁ ଯାଆନ୍ତୁ |

**ଭେଣ୍ଡି ଚାଷ :**

ଭେଣ୍ଡି ର ଉନ୍ନତ କିସମଗୁଡିକ ହେଉଛି ଆର୍କା ଅଭୟ ,ଉତ୍କଳ ଗୌରବ ,ଆର୍କା ଅନାମିକା ଏବୌଂ ପୂଷା –ଏ -୪

ଭେଣ୍ଡି ଗଛ ମଧ୍ୟରେ ଦୂରତା ୬୦ ସେମି *୩୦ ସେମି ରହିବା ଦରକାର

ଭେଣ୍ଡି ଲଗାଇବା ସମୟରେ ହେକ୍ଟର ପିଛା ୨୦ ଗାଡି ଭଲ ଶଢା ଗୋବର ଖତ ସହ ୮୦ କିଗ୍ରା ଯବକ୍ଷାରଜାନ ,୪୦ କିଗ୍ରା ଫସ୍ଫରସ ଏବୌଂ ପଟାସ ସାର ମୂଳସାର ହିସାବରେ ପ୍ରୟୋଗ କରନ୍ତୁ

**ପ୍ରାଣୀ :**

ତାପମାତ୍ରା ବୃଦ୍ଧି ହେତୁ ପଶୁମାନଙ୍କୁ ସଫା ଏବଂ ପର୍ଯ୍ୟାପ୍ତ ପାନୀୟ ଜଳ ଯୋଗାଇଥାଏ | ପଶୁ ଶେଡରେ ପରିଷ୍କାର ପରିଚ୍ଛନ୍ନତା ବଜାୟ ରଖନ୍ତୁ | ଦିନର ଗରମ ସମୟରେ ପଶୁମାନଙ୍କୁ ଛାଡନ୍ତୁ ନାହିଁ |

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ଡିଏମ୍, ଟିସୁ ଚାଷ ଉଦ୍ଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍ ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google. com/store/apps/details?id_com.aas.meghdoot)***

**ବି : ଦ୍ରଷ୍ଟବ୍ୟ : ଓୟୁଏଟି ଶାଖା ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪୦ ପଇସା ଚାଷୀ ନିମିତ୍ତ ବିକ୍ରି ହଉେଅଛି |**

*ନୋଡାଲ ଅଫିସର, କିରେଇ*